# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 24 April - 2025

******************************

## ମୁଖ୍ୟ ସମ୍ବାଦ

- ପହଲଗାମ ଆତଙ୍କବାଦୀ ଆକ୍ରମଣ ଘଟଣାରେ ନ୍ୟାୟ ପ୍ରଦାନ ପାଇଁ ସମଗ୍ର ଦେଶ ସଂକଳ୍ପ ବଦ୍ଧ; କହିଲେ ପ୍ରଧାନମନ୍ତ୍ରୀ

– ଆକ୍ରମଣ ଘଟଣାରେ ପ୍ରାଣ ହରାଇଥିବା ପ୍ରଶାନ୍ତ ଶତପଥୀଙ୍କର ନିଜ ଗ୍ରାମ ବାଲେଶ୍ୱର ଜିଲ୍ଲା ଇଶାଣୀଠାରେ ଶେଷକୃତ୍ୟ ସମ୍ପନ୍ନ

- ପଞ୍ଚାୟତିରାଜ ସଂସ୍ଥାଗୁଡ଼ିକୁ ସଶକ୍ତ କରିବା ଲକ୍ଷ୍ୟ ନେଇ ଆଜି ପାଳନ କରାଯାଉଛି ଜାତୀୟ ପଞ୍ଚାୟତିରାଜ ଦିବସ

– ଗ୍ରାମର ଉନ୍ନତି ନେଇ ଗ୍ରାମସଭା ଏବଂ ପଲ୍ଲିସଭାରେ ନିଷ୍ପତ୍ତି ଗ୍ରହଣ କରାଯିବ ବୋଲି କହିଲେ ମୁଖ୍ୟମନ୍ତ୍ରୀ

ଏବଂ

- କଳିଙ୍ଗ ସୁପରକପ୍ ଫୁଟବଲ୍ ପ୍ରତିଯୋଗିତାରେ ଆଜି ଅନୁଷ୍ଠିତ ହେବ ଦୁଇଟି ମ୍ୟାଚ

*Desk*

## ପିଏମ୍- ପଞ୍ଚାୟତିରାଜ ଦିବସ

ପହଲଗାମ ଆତଙ୍କବାଦୀ ଆକ୍ରମଣ ଘଟଣାରେ କ୍ଷତିଗ୍ରସ୍ତଙ୍କୁ ନ୍ୟାୟ ପ୍ରଦାନ ପାଇଁ ଯଥାସମ୍ଭବ ପ୍ରୟାସ କରାଯିବ ଏବଂ ସମଗ୍ର ଦେଶ ଏଥିପାଇଁ ସଂକଳ୍ପ ନେଇଛି ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି। ଜାତୀୟ ପଞ୍ଚାୟତିରାଜ ଦିବସ ଅବସରରେ ଆଜି ବିହରର ମଧୁବନି ଜିଲ୍ଲାରେ ଏକ ଜନସମାବେଶକୁ ସମ୍ବୋଧନ କରି ପ୍ରଧାନମନ୍ତ୍ରୀ କହିଛନ୍ତି, ଏହି ଘଟଣାରେ ପ୍ରତ୍ୟେକ ଆତଙ୍କବାଦୀ ଏବଂ ସେମାନଙ୍କ ସହଯୋଗୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ମାନବିକତାରେ ବିଶ୍ୱାସ କରୁଥିବା ପ୍ରତ୍ୟେକ ବ୍ୟକ୍ତି ଦେଶକୁ ସମର୍ଥନ କରୁଛନ୍ତି ବୋଲି ସେ କହିଛନ୍ତି।

**- V/O -**

ଅଭିଭାଷଣ ଆରମ୍ଭ କରିବା ପୂର୍ବରୁ ପ୍ରଧାନମନ୍ତ୍ରୀ ଏହି ଘଟଣାରେ ପ୍ରାଣ ହରାଇଥିବା ଲୋକଙ୍କୁ ଶ୍ରଦ୍ଧାଞ୍ଜଳି ପ୍ରଦାନ ପୂର୍ବକ କିଛି ସମୟ ନୀରବତା ଅବଲମ୍ବନ କରିଥିଲେ। ଏହି ଅବସରରେ ପ୍ରଧାନମନ୍ତ୍ରୀ ସେଠାରେ କେତେକ ଉନ୍ନୟନମୂଳକ ପ୍ରକଳ୍ପର ଉଦ୍‌ଘାଟନ ଓ ଶିଳାନ୍ୟାସ କରିଛନ୍ତି।

*News Pool*

## ସର୍ବଦଳୀୟ ବୈଠକ

ପହଲଗାମ ଆତଙ୍କବାଦୀ ଆକ୍ରମଣ ଘଟଣାରେ କେନ୍ଦ୍ର ସରକାର ଆଜି ସର୍ବଦଳୀୟ ବୈଠକ ଡାକିଛନ୍ତି। ମିଳିଥିବା ସୂଚନା ଅନୁଯାୟୀ,

ନୂଆଦିଲ୍ଲୀସ୍ଥିତ ସଂସଦ ଭବନ ପରିସରରେ ସନ୍ଧ୍ୟା ୬ଟାରେ ଏହି ବୈଠକ ବସିବ। ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ଘଟଣା ସମ୍ପର୍କରେ ବିଭିନ୍ନ ରାଜନୈତିକ ଦଳର ନେତୃବୃନ୍ଦଙ୍କୁ ଅବଗତ କରାଇବେ। ଏଥିସହ ଏହି ଆକ୍ରମଣ ଘଟଣାର ପରବର୍ତ୍ତୀ ପଦକ୍ଷେପ ନେଇ କେନ୍ଦ୍ର ସରକାରଙ୍କ ଆଭିମୁଖ୍ୟ ସମ୍ପର୍କରେ ମନ୍ତ୍ରୀ ଶ୍ରୀ ସିଂ ଘୋଷଣା କରିବାର ସୂଚନା ମିଳିଛି।

***Desk***

# ପ୍ରଶାନ୍ତଙ୍କ ଶେଷକୃତ୍ୟ

ପହଲଗାମ ଆତଙ୍କବାଦୀ ଆକ୍ରମଣରେ ପ୍ରାଣ ହରାଇଥିବା ବାଲେଶ୍ୱର ଜିଲ୍ଲା ସାରଦା ପଞ୍ଚାୟତର ପ୍ରଶାନ୍ତ ଶତପଥୀଙ୍କ ତାଙ୍କ ଗ୍ରାମ ଇଶାଣୀଠାରେ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ପ୍ରଶାନ୍ତଙ୍କ ପାର୍ଥିବ ଶରୀର ତାଙ୍କ ଗ୍ରାମରେ ପହଁଞ୍ଚିବା ପରେ ସେଠାରେ ଶୋକାକୂଳ ପରିବେଶ ସୃଷ୍ଟି ହୋଇଥିଲା। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ସାଂସଦ ପ୍ରତାପ ଷଡ଼ଙ୍ଗୀ, ବିଜେପି ରାଜ୍ୟ ଶାଖା ସଭାପତି ମନମୋହନ ସାମଲଙ୍କ ସମେତ ବହୁ ବରିଷ୍ଠ ନେତୃବୃନ୍ଦ ତାଙ୍କ ବାସଭବନରେ ଶେଷ ଦର୍ଶନ କରିଥିଲେ। ଶୋକସନ୍ତପ୍ତ ପରିବାରଙ୍କୁ ସମବେଦନା ଜଣାଇବା ସହ ମୁଖ୍ୟମନ୍ତ୍ରୀ' ପ୍ରଶାନ୍ତ ଶତପଥୀଙ୍କ ପରିବାର  ପାଇଁ ସହାୟତା ରାଶି ଘୋଷଣା କରିଛନ୍ତି।

**- V/O -**

*HS*

# ରାସନକାର୍ଡ

ରାଜ୍ୟର ସମସ୍ତ ଯୋଗ୍ୟ ହିତାଧିକାରୀଙ୍କୁ ପର୍ଯ୍ୟାୟକ୍ରମେ ରାସନକାର୍ଡ ପ୍ରଦାନ କରାଯିବ ବୋଲି ଖାଦ୍ୟ ଏବଂ ଯୋଗାଣ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର କହିଛନ୍ତି। ସେ କହିଛନ୍ତି, ନୂତନ ରାସନ କାର୍ଡ ପାଇଁ ୧୪ ଲକ୍ଷ ଆବେଦନ ହସ୍ତଗତ ହୋଇଛି। ଇ-କେଓ୍ୱାଇସି ମାଧ୍ୟମରେ ମୃତ ହିତାଧିକାରୀଙ୍କୁ ଚିହ୍ନଟ କରାଯାଇଛି। ୧ ଲକ୍ଷ ଅଯୋଗ୍ୟ ହିତାଧିକାରୀଙ୍କୁ ତାଲିକାରୁ ବାଦ୍ ଦିଆଯାଇଥିବା ବେଳେ ୫ ଲକ୍ଷ ମୃତ ହିତାଧିକାରୀଙ୍କ ନାଁକୁ ମଧ୍ୟ ତାଲିକାରୁ ବାହାର କରାଯାଇଛି ବୋଲି ସେ ସୂଚନା ଦେଇଛନ୍ତି। ଆବେଦନ ପାଇଁ ଏବେ ମଧ୍ୟ ପୋର୍ଟାଲ ଖୋଲା ରହିଛି ଏବଂ ଯୋଗ୍ୟ ହିତାଧିକାରୀ ଏହାର ସୁଯୋଗ ନେବାକୁ ମନ୍ତ୍ରୀ ଶ୍ରୀ ପାତ୍ର ପରାମର୍ଶ ଦେଇଛନ୍ତି।

*Desk*

# ଜାତୀୟ ପଞ୍ଚାୟତିରାଜ ଦିବସ

ଦେଶରେ ପଞ୍ଚାୟତିରାଜ ସଂସ୍ଥାଗୁଡ଼ିକୁ ଅଧିକ ସଶକ୍ତ କରିବା ସହିତ ଜନସାଧାରଣଙ୍କୁ ବିକାଶମୂଳକ କାର୍ଯ୍ୟରେ ଭାଗିଦାରୀ ସୁନିଶ୍ଚିତ କରିବା ନେଇ ଦେଶରେ ଆଜି ଜାତୀୟ ପଞ୍ଚାୟତିରାଜ ଦିବସ ପାଳନ କରାଯାଉଛି । କ୍ଷମତାର ବିକେନ୍ଦ୍ରୀକରଣ କରି ଏହାକୁ ତୃଣମୂଳ ସ୍ତରରେ ପହଞ୍ଚାଇବା ପାଇଁ ୧୯୯୨ ମସିହାରେ ୭୩ତମ ସମ୍ବିଧାନ ସଂଶୋଧନ ଅଧିନିୟମ ଜରିଆରେ ପଞ୍ଚାୟତିରାଜ ବ୍ୟବସ୍ଥା ସୃଷ୍ଟି କରାଯାଇଥିଲା ।

୧୯୯୩ ମସିହା ଏପ୍ରିଲ୍ ୨୪ ତାରିଖରୁ ଏହା କାର୍ଯ୍ୟକାରୀ ହୋଇଥିଲା । ଦେଶରେ ପଞ୍ଚାୟତିରାଜ ବ୍ୟବସ୍ଥାର ତଦାରଖ ପାଇଁ ୨୦୦୪ ମସିହା ମଇ ମାସ ୨୭ ତାରିଖରୁ ସ୍ୱତନ୍ତ୍ର ପଞ୍ଚାୟତିରାଜ ମନ୍ତ୍ରଣାଳୟ ଗଠନ କରାଯାଇଥିଲା। ୨୦୧୦ ମସିହା ଏପ୍ରିଲ୍ ୨୪ ତାରିଖରୁ ଜାତୀୟ ପଞ୍ଚାୟତିରାଜ ଦିବସ ପାଳନ କରାଯାଉଛି ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ଦିବସ ଅବସରରେ ରାଜ୍ୟବାସୀଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ସାମାଜିକ ଗଣମାଧ୍ୟମ ପୋଷ୍ଟରେ ସେ କହିଛନ୍ତି, ପଞ୍ଚାୟତିରାଜ ବ୍ୟବସ୍ଥା ହେଉଛି ଲୋକତନ୍ତ୍ରର ଆଧାର। ଗ୍ରାମ୍ୟ ସଶକ୍ତୀକରଣ, ଶିକ୍ଷା ଏବଂ ସ୍ୱାସ୍ଥ୍ୟର ଉନ୍ନତି ମାଧ୍ୟମରେ ସ୍ୱାବଲମ୍ବୀ ଓ ନୂତନ ଓଡ଼ିଶା ଗଠନ ପାଇଁ ସମସ୍ତେ ପ୍ରତିବଦ୍ଧ ହେବା ଶ୍ରୀ ମାଝୀ ଆହ୍ୱାନ ଦେଇଛନ୍ତି।

ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଏହି ଦିବସ ଅବସରରେ ଗ୍ରାମ୍ୟ ସଶକ୍ତୀକରଣ ଦିଗରେ ଏକ ସଶକ୍ତ ଓ ସମୃଦ୍ଧ ଓଡ଼ିଶା ଗଠନ କରିବା ପାଇଁ ଆହ୍ୱାନ ଦେଇଛନ୍ତି।

***Desk***

## ମୁଖ୍ୟମନ୍ତ୍ରୀ- ପଞ୍ଚାୟତିରାଜ ଦିବସ

ଗ୍ରାମର ଉନ୍ନତି ସମ୍ପର୍କରେ ଗ୍ରାମସଭା ଓ ପଲ୍ଲିସଭାରେ ଗ୍ରାମବାସୀ ନିଷ୍ପତ୍ତି ଗ୍ରହଣ କରିବେ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ପୁରୀ ତାଳବଣିଆଠାରେ ରାଜ୍ୟସ୍ତରୀୟ ପଞ୍ଚାୟତିରାଜ ଦିବସ

ପାଳନ କାର୍ଯ୍ୟକ୍ରମରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି, ଗ୍ରାମ ଓ ପଞ୍ଚାୟତର ବିକାଶ ହେଲେ ଦେଶର ବିକାଶ ହୋଇପାରିବ। ପଞ୍ଚାୟତ ବ୍ୟବସ୍ଥାକୁ ସୁଦୃଢ଼ କରିବା ପାଇଁ ସରକାର ସମସ୍ତ ପ୍ରକାର ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରୁଛନ୍ତି। ଆସନ୍ତା ବର୍ଷ ଶେଷ ସୁଦ୍ଧା ପ୍ରତ୍ୟେକ ଗ୍ରାମକୁ ରାସ୍ତା, ଲୋକଙ୍କୁ ଘର, ପାନୀୟ ଜଳ ସୁବିଧା ଯୋଗାଇ ଦେବା ପାଇଁ ସରକାର ପ୍ରତିଶ୍ରୁତିବଦ୍ଧ ବୋଲି ଶ୍ରୀ ମାଝୀ କହିଛନ୍ତି। ବର୍ତ୍ତମାନ ସୁଦ୍ଧା ୨୭ ଲକ୍ଷ ଲୋକଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ ଘର ଯୋଗାଇ ଦିଆଯାଇଥିବା ବେଳେ ଆଗାମୀ ତିନି ବର୍ଷ ମଧ୍ୟରେ ଅନ୍ତୋଦ୍ୱୟ ଆବାସ ଯୋଜନାରେ ୭ ହଜାର ୫୫୦ କୋଟି ଟଙ୍କା ବ୍ୟୟରେ ୨୬ ଲକ୍ଷ ଲୋକଙ୍କୁ ଘର ଯୋଗାଇ ଦିଆଯିବ। 'ବିକଶିତ ଗାଁ, ବିକଶିତ ଓଡ଼ିଶା' ଲକ୍ଷ୍ୟ ପୂରଣ ପାଇଁ ସରକାର ୧୦ ହଜାର କୋଟି ଟଙ୍କାର ପ୍ରକଳ୍ପ ନିର୍ମାଣ କାର୍ଯ୍ୟ ହାତକୁ ନେଇଥିବା ମୁଖ୍ୟମନ୍ତ୍ରୀ ତାଙ୍କ ଉଦ୍‌ବୋଧନରେ କହିଛନ୍ତି। ୨୦୩୬ ମସିହା ସୁଦ୍ଧା ସମୃଦ୍ଧ ଓଡ଼ିଶା ଗଠନ ଦିଗରେ ସମସ୍ତଙ୍କୁ ଆଗେଇ ଆସିବା ପାଇଁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଆହ୍ୱାନ ଦେଇଛନ୍ତି।

**- V/O -**

ଏଥିସହ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ସୁଭଦ୍ରା ଯୋଜନାର ହିତାଧିକାରୀଙ୍କୁ ଷଷ୍ଠ ପର୍ଯ୍ୟାୟ ଆର୍ଥିକ ସହାୟତା ରାଶି ପ୍ରଦାନ କରିଛନ୍ତି।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ଇ-ପଞ୍ଚାୟତ ସଭା ପୋର୍ଟାଲ, ପି.ପି.ଏମ୍.ଏସ୍ ପୋର୍ଟାଲର ଶୁଭାରମ୍ଭ ସହ ପଞ୍ଚାୟତ ତଦାରଖ ବ୍ୟବସ୍ଥା, ୩୧୪ଟି ବ୍ଲକସ୍ତରୀୟ ଷ୍ଟାଡିୟମର ଭିତ୍ତିପ୍ରସ୍ତର ସ୍ଥାପନ ଏବଂ ପ୍ରଧାନମନ୍ତ୍ରୀ ସୂର୍ଯ୍ୟଘର ଯୋଜନାରେ ହିତାଧିକାରୀଙ୍କୁ ସବ୍‌ସିଡି ପ୍ରଦାନ ଆଦି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଛନ୍ତି।

କାର୍ଯ୍ୟକ୍ରମରେ ଦୁଇ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂଦେଓ ଓ ପ୍ରଭାତୀ ପରିଡ଼ା, ପଞ୍ଚାୟତିରାଜ ମନ୍ତ୍ରୀ ରବିନାରାୟଣ ନାୟକ, ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର, ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ପ୍ରମୁଖ ଉପସ୍ଥିତ ଥିଲେ।

*Nuapada/N.rangpur/CTC*

## ଜିଲ୍ଲା-ପଞ୍ଚାୟତିରାଜ ଦିବସ

ରାଜ୍ୟର ପ୍ରତ୍ୟେକ ମହିଳାଙ୍କୁ ସଶକ୍ତ କରିବା ସରକାରଙ୍କ ଲକ୍ଷ୍ୟ ବୋଲି ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି। ପଞ୍ଚାୟତିରାଜ ଦିବସ ପାଳନ ଅବସରରେ କଟକ ସଦର ବ୍ଲକ କାର୍ଯ୍ୟାଳୟଠାରେ ଆୟୋଜିତ ଜିଲ୍ଲାସ୍ତରୀୟ ସମାରୋହରେ ଯୋଗଦେଇ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ଏହା କହିଛନ୍ତି। ସେ କହିଛନ୍ତି, ଗାଁକୁ ସ୍ୱାୟତ୍ତତା ପ୍ରଦାନ କରିବାରେ ଏହି ଦିନର ବିଶେଷ ମହତ୍ତ୍ୱ ରହିଛି। ଗ୍ରାମର ବିକାଶ ପାଇଁ ସରକାରୀ ସ୍ତରରେ ନିଆଯାଉଥିବା ପଦକ୍ଷେପଗୁଡ଼ିକ ଉପରେ ସେ ଆଲୋକପାତ କରିଛନ୍ତି।

ଏଥିରେ ଅନ୍ୟମାନଙ୍କ ମଧ୍ୟରେ ବିଧାୟକ ପ୍ରକାଶ ସେଠୀ, କଟକ ଜିଲ୍ଲାପାଳ ଦତ୍ତାତ୍ରେୟ ଭାଉସାହେବ ସିନ୍ଧେ ପ୍ରମୁଖ ଯୋଗ ଦେଇଥିଲେ।

ନବରଙ୍ଗପୁରଠାରେ ଅନୁଷ୍ଠିତ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଯୋଗଦେଇ ଗ୍ରାମସଭାର କ୍ଷମତା ବୃଦ୍ଧି କରାଯାଇ ତୃଣମୂଳସ୍ତରରେ ସର୍ବାଙ୍ଗୀନ ଉନ୍ନତି ପାଇଁ ସରକାର ଲକ୍ଷ୍ୟ ରଖିଛନ୍ତି ବୋଲି ସେ କହିଛନ୍ତି। ପଞ୍ଚାୟତିରାଜ ବ୍ୟବସ୍ଥା ମାଧ୍ୟମରେ ସରକାରୀ ଯୋଜନାର ସୁଫଳ ତା'ର ପ୍ରକୃତ ହିତାଧିକାରୀ ପାଖରେ ପହଁଞ୍ଚିପାରୁଛି ବୋଲି ମନ୍ତ୍ରୀ ଶ୍ରୀ ଗଣ୍ଡ କହିଛନ୍ତି।

ନୂଆପଡ଼ା ଜିଲ୍ଲା ପୁଲିସ ପଡ଼ିଆଠାରେ ଜିଲ୍ଲାପାଳ ମଧୁସୂଦନ ଦାସଙ୍କ ଅଧ୍ୟକ୍ଷତାରେ ଏକ ସମାବେଶ ଅନୁଷ୍ଠିତ ହୋଇଛି। ଏଥିରେ ବିଭିନ୍ନ ପଞ୍ଚାୟତର ପ୍ରତିନିଧି ଯୋଗ ଦେଇଥିଲେ। ହିତାଧିକାରୀଙ୍କୁ ରାସନ କାର୍ଡ ବଣ୍ଟନ କରାଯିବା ସହ ସରକାରୀ ଯୋଜନାର ଉତ୍କୃଷ୍ଟ କାର୍ଯ୍ୟକାରିତା ପାଇଁ କେତେକ ପଞ୍ଚାୟତକୁ ପୁରସ୍କୃତ କରାଯାଇଛି।

***BHK***

## ରୋଗୀ ମୃତ୍ୟୁ

ଭଦ୍ରକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଲିଫ୍ଟରେ ସ୍ଥାନାନ୍ତରିତ ହେଉଥିବା ବେଳେ ଜଣେ ମହିଳା ରୋଗୀଙ୍କର ଆଜି ମୃତ୍ୟୁ ହୋଇଛି। ଲିଫ୍ଟରେ ଚାପି ହୋଇ ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି। ଏହି ଘଟଣାର କାରଣ

ସମ୍ପର୍କରେ ତଦନ୍ତ ଜାରି ରହିଛି । ଅନ୍ୟପକ୍ଷରେ ବିଧାୟକ ସୀତାଂଶୁ ଶେଖର ମହାପାତ୍ର, ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟ ଘଟଣାସ୍ଥଳରେ ପହଁଞ୍ଚି ଶୋକସନ୍ତପ୍ତ ପରିବାରବର୍ଗଙ୍କୁ ସମବେଦନା ଜଣାଇଛନ୍ତି । ଜିଲ୍ଲା ପ୍ରଶାସନ, ରୋଗୀ କଲ୍ୟାଣ ସମିତି ଏବଂ ରାଜ୍ୟ ସରକାରଙ୍କ ପକ୍ଷରୁ ମୃତକଙ୍କ ପରିବାରବର୍ଗଙ୍କୁ ୮ ଲକ୍ଷ ଟଙ୍କାର ସହାୟତା ରାଶି ପ୍ରଦାନ କରାଯାଇଛି ।

***Desk***

## କଳିଙ୍ଗ ସୁପରକପ୍

କଳିଙ୍ଗ ସୁପରକପ୍ ଫୁଟବଲ ପ୍ରତିଯୋଗିତାରେ ଆଜି ଦୁଇଟି ମ୍ୟାଚ୍ ଅନୁଷ୍ଠିତ ହେବ । ନର୍ଥଇଷ୍ଟ ୟୁନାଇଟେଡ୍ ଏବଂ ମହମ୍ମଡାନ୍ ସ୍ପୋର୍ଟିଂ ଓ ଜାମସେଦ୍‌ପୁର ଏଫ୍‌ସି ଏବଂ ହାଇଦ୍ରାବାଦ୍ ଏଫ୍‌ସି ମଧ୍ୟରେ ମୁକାବିଲା ହେବ । ଅନ୍ୟପକ୍ଷରେ କ୍ୱାର୍ଟର ଫାଇନାଲ ପର୍ଯ୍ୟାୟକୁ ଇଷ୍ଟରକାସି ଏବଂ ମୁମ୍ବାଇ ସିଟି ଏଫ୍‌ସି ଦଳ ଉନ୍ନୀତ ହୋଇଛନ୍ତି । କଳିଙ୍ଗ ଷ୍ଟାଡିୟମ୍‌ଠାରେ ଚାଲିଥିବା ଏହି ପ୍ରତିଯୋଗିତାର ଗତକାଲିର ପ୍ରି-କ୍ୱାର୍ଟର ଫାଇନାଲ ମ୍ୟାଚ୍‌ରେ ଇଷ୍ଟରକାସି ପେନାଲ୍ଟି ସୁଟ୍‌ଆଉଟ୍ ଜରିଆରେ ବେଙ୍ଗାଲୁରୁ ଏଫ୍‌ସିକୁ ୫-୩ ଗୋଲ୍‌ରେ ପରାସ୍ତ କରିଥିଲା । ସେହିଭଳି ମୁମ୍ବାଇ ସିଟି ଏଫ୍‌ସି ୪-୦ ଗୋଲ୍‌ରେ ଚେନ୍ନାଇୟନ୍ ଏଫ୍‌ସି'କୁ ପରାସ୍ତ କରିଥିଲା ।

*******************************